# ଓଡ଼ିଶାକୁ ମିଳିଲା ୫୦୦ କୋଟି

- ଆକାଶମାର୍ଗରୁ କ୍ଷୟକ୍ଷତି ଦେଖିଲେ ପ୍ରଧାନମନ୍ତ୍ରୀ
- ଭୁବନେଶ୍ୱର ଏୟାରପୋର୍ଟରେ ସମୀକ୍ଷା ବୈଠକ
- ମୃତକଙ୍କ ପରିବାରବର୍ଗଙ୍କୁ ୨ ଲକ୍ଷ
- ଆହତଙ୍କ ପାଇଁ ୫୦ ହଜାର ଅନୁକମ୍ପା
- ବାତ୍ୟା ମୁକାବିଲା ପାଇଁ ରାଜ୍ୟବାସୀ ଓ ମୁଖ୍ୟମନ୍ତ୍ରୀଙ୍କୁ ପ୍ରଶଂସା
- କ୍ଷୟକ୍ଷତି ଆକଳନ ପାଇଁ ଆସିବ କେନ୍ଦ୍ରୀୟ ଟିମ୍




**ଭୁବନେଶ୍ୱର,୨୨।୫/ଏନ୍ଏନ୍ଏସ୍:**

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓଡ଼ିଶାରେ ବାତ୍ୟା କ୍ଷତିଗ୍ରସ୍ତ ଅଞ୍ଚଳ ପାଇଁ ୫୦୦ କୋଟି ଟଙ୍କାର ଅଗ୍ରୀମ ସହାୟତା ଘୋଷଣା କରିଛନ୍ତି। କେନ୍ଦ୍ରୀୟ ଟିମ୍ ବାତ୍ୟାଞ୍ଚଳରେ ଅନୁଧ୍ୟାନ ପରେ ଅଧିକ ସହାୟତା କଥା ବିଚାର କରାଯିବ ବୋଲି ସେ କହିଛନ୍ତି। ବାତ୍ୟାର ମୁକାବିଲା କ୍ଷେତ୍ରରେ ସେ ରାଜ୍ୟବାସୀ, ମୁଖ୍ୟମନ୍ତ୍ରୀ ଓ ତାଙ୍କ ଟିମ୍‌କୁ ପ୍ରଶଂସା କରିଛନ୍ତି।

ପ୍ରଧାନମନ୍ତ୍ରୀ ଆଜି ଅପରାହ୍ନରେ ବାତ୍ୟା କ୍ଷୟକ୍ଷତି ସଂପର୍କରେ ଆକାଶମାର୍ଗରୁ ଅନୁଧ୍ୟାନ କରିଥିଲେ। ତାଙ୍କ ସହିତ ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ୍, ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଥିଲେ। ପ୍ରଧାନମନ୍ତ୍ରୀ ଆକାଶମାର୍ଗରୁ ଭଦ୍ରକ ଓ ବାଲେଶ୍ୱର ଜିଲ୍ଲାର ବାତ୍ୟାଞ୍ଚଳ ଦେଖିବା ପରେ ଭୁବନେଶ୍ୱର ବିମାନ ବନ୍ଦରରେ ଆୟୋଜିତ ଏକ ଉଚ୍ଚସ୍ତରୀୟ ବୈଠକରେ ଯୋଗଦେଇ କ୍ଷୟକ୍ଷତିର ସମୀକ୍ଷା କରିଥିଲେ। ବୈଠକ ପରେ ପ୍ରଧାନମନ୍ତ୍ରୀ ଗଣମାଧ୍ୟମକୁ ସୂଚନା ଦେଇ କହିଥିଲେ, ବାତ୍ୟା ଅମ୍ପନ୍ ପଶ୍ଚିମବଙ୍ଗ ତୁଳନାରେ ଓଡ଼ିଶାରେ କମ୍ କ୍ଷତି ଘଟାଇଛି। କିନ୍ତୁ ରାଜ୍ୟରେ କୃଷି, ବିଦ୍ୟୁତ୍, ଗୃହନିର୍ମାଣ, ଯୋଗାଯୋଗ ଓ ଅନ୍ୟାନ୍ୟ ଭିତ୍ତିଭୂମି ପ୍ରଭାବିତ ହୋଇଛି। ରାଜ୍ୟ ସରକାରଙ୍କ ପକ୍ଷରୁ ଏନେଇ ବିସ୍ତୃତ ତଥ୍ୟ ଦିଆଯାଇଥିଲା। ଖୁବ୍‌ଶୀଘ୍ର କେନ୍ଦ୍ରୀୟ ଟିମ୍ ଆସି ଏହାର ଅନୁଧ୍ୟାନ କରିବ। ଓଡ଼ିଶା ସରକାର ମଧ୍ୟ ଚୂଡ଼ାନ୍ତ କ୍ଷୟକ୍ଷତି ରିପୋର୍ଟ କେନ୍ଦ୍ର ସରକାରଙ୍କୁ ଦେବା ପରେ ଯାହାକିଛି ସହାୟତା ଆବଶ୍ୟକ ପଡ଼ିବ ତାହା ଯୋଗାଇ ଦିଆଯିବ। ମାତ୍ର ତତ୍କାଳ ଆବଶ୍ୟକତାକୁ ଦୃଷ୍ଟିରେ ରଖି ଓଡ଼ିଶାକୁ ଅଗ୍ରୀମ ଅନୁଦାନ ଭାବେ ୫୦୦ କୋଟି ଟଙ୍କା ସହାୟତା ପ୍ରଦାନ କରାଯିବ।

ଏହି ଅବସରରେ ବାତ୍ୟା ମୁକାବିଲା ଦିଗରେ ଓଡ଼ିଶା ସରକାରଙ୍କ ପଦକ୍ଷେପକୁ ପ୍ରଧାନମନ୍ତ୍ରୀ ପ୍ରଶଂସା କରିଥିଲେ। ପ୍ରାକୃତିକ ବିପର୍ଯ୍ୟୟ ମୁକାବିଲା ପାଇଁ ଓଡ଼ିଶାରେ ଥିବା ଆନୁଷ୍ଠାନିକ ବ୍ୟବସ୍ଥା, ବିଶେଷ କରି ଗ୍ରାମାଞ୍ଚଳରେ ନାଗରିକଙ୍କ ମଧ୍ୟରେ ସଚେତନତାକୁ ପ୍ରଧାନମନ୍ତ୍ରୀ ପ୍ରଶଂସା କରିବା ସହ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଓ ତାଙ୍କ ଟିମ୍ ଅଭିନନ୍ଦନର ଅଧିକାରୀ ବୋଲି କହିଥିଲେ। ଓଡ଼ିଶାର ଜନସାଧାରଣଙ୍କୁ ସମର୍ଥନ ବ୍ୟକ୍ତ କରିବା ସହିତ ବାତ୍ୟାରେ ହୋଇଥିବା ଜୀବନହାନିକୁ ନେଇ ଦୁଃଖପ୍ରକାଶ କରିଥିଲେ। ଏଥିସହିତ ସେ ମୃତକଙ୍କ ପରିବାରକୁ ୨ ଲକ୍ଷ ଟଙ୍କା ଓ ଗୁରୁତର ଆହତଙ୍କ ପାଇଁ ୫୦ ହଜାର ଟଙ୍କାର ସହାୟତା ରାଶି ଘୋଷଣା କରିଥିଲେ। ଏହି ସଙ୍କଟମୟ ସମୟରେ କେନ୍ଦ୍ର ସରକାର ରାଜ୍ୟ ସରକାରଙ୍କ ସହିତ କାନ୍ଧକୁ କାନ୍ଧ ମିଳାଇ ଚାଲିବେ ବୋଲି ପ୍ରଧାନମନ୍ତ୍ରୀ ଆଶ୍ୱାସନା ଦେଇଥିଲେ। ସେ ବାତ୍ୟା ଦ୍ୱାରା ପ୍ରଭାବିତ ହୋଇଥିବା ଭିତ୍ତିଭୂମିର ପୁନରୁଦ୍ଧାର ଏବଂ ପୁନଃନିର୍ମାଣ ପାଇଁ ସମସ୍ତ ପ୍ରକାର ସହାୟତା ଯୋଗାଇ ଦିଆଯିବ ବୋଲି ପ୍ରତିଶ୍ରୁତି ଦେଇଥିଲେ।

ମିଳିଥିବା ସୂଚନା ମୁତାବକ, ବାତ୍ୟା ଅମ୍ପନ୍ ଯୋଗୁଁ ରାଜ୍ୟର ୮୯ଟି ବ୍ଲକ୍‌ର ୧୫୦୦ ପଞ୍ଚାୟତର ୪୪ ଲକ୍ଷ ଲୋକ ପ୍ରଭାବିତ ହୋଇଛନ୍ତି। ଏ ସଂକ୍ରାନ୍ତରେ ଏହି ବୈଠକରେ ରାଜ୍ୟ ସରକାରଙ୍କ ପକ୍ଷରୁ ପ୍ରଧାନମନ୍ତ୍ରୀଙ୍କୁ ଅବଗତ କରାଯାଇଛି। ଏହାସହ ପ୍ରାଥମିକ କ୍ଷୟକ୍ଷତିର ରିପୋର୍ଟ ମଧ୍ୟ ପ୍ରଦାନ କରାଯାଇଛି। ବିମାନ ବନ୍ଦର କନ୍‌ଫରେନ୍ସ ହଲ୍‌ରେ ଅନୁଷ୍ଠିତ ଏହି ଉଚ୍ଚସ୍ତରୀୟ ସମୀକ୍ଷା ବୈଠକରେ ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ, ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ଦୁଇ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଓ ପ୍ରତାପ ଷଡ଼ଙ୍ଗୀ, ମୁଖ୍ୟ ଶାସନ ସଚିବ ଅସିତ୍ ତ୍ରିପାଠୀ, ପୁଲିସ୍ ମହାନିର୍ଦ୍ଦେଶକ ଅଭୟ, ସ୍ୱତନ୍ତ୍ର ରିଲିଫ୍ କମିଶନର (ଏସ୍ଆର୍‌ସି) ପ୍ରଦୀପ ଜେନା, ୫-ଟି ସଚିବ ଭିକେ ପାଣ୍ଡିଆନ୍‌ଙ୍କ ସମେତ ବିଭିନ୍ନ ବିଭାଗର ସଚିବମାନେ ଉପସ୍ଥିତ ଥିଲେ।

ଆଜି ଅପରାହ୍ନରେ ପ୍ରଧାନମନ୍ତ୍ରୀ ଶ୍ରୀ ମୋଦୀ ବାୟୁସେନାର ସ୍ୱତନ୍ତ୍ର ବିମାନରେ ଭୁବନେଶ୍ୱର ବିମାନବନ୍ଦରରେ ପହଞ୍ଚିଥିଲେ। ▶▶ ୭

## ଓଡ଼ିଶାକୁ ଆଶ୍ୱାସନା ଦେଲେ ରାଷ୍ଟ୍ରପତି

**ଭୁବନେଶ୍ୱର:** ଶୁକ୍ରବାର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସାମୁଦ୍ରିକ ଝଡ଼ ଅମ୍ପନ ଦ୍ୱାରା ଓଡ଼ିଶାରେ ହୋଇଥିବା କ୍ଷୟକ୍ଷତି ସମ୍ପର୍କରେ ଆକଳନ କରିଥିବା ବେଳେ ରାଷ୍ଟ୍ରପତି ରାମନାଥ କୋବିନ୍ଦ ମଧ୍ୟ ସ୍ଥିତି ସମ୍ପର୍କରେ ଅନୁଧ୍ୟାନ କରିଛନ୍ତି। ଶୁକ୍ରବାର ପୂର୍ବାହ୍ନରେ



### ବାତ୍ୟା କ୍ଷୟକ୍ଷତି ନେଇ ରାଜ୍ୟପାଳ ଓ ମୁଖ୍ୟମନ୍ତ୍ରୀଙ୍କ ସହ ଆଲୋଚନା

ରାଷ୍ଟ୍ରପତି ଶ୍ରୀ କୋବିନ୍ଦ ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ ଓ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ସହ ଫୋନ ଯୋଗେ ଆଲୋଚନା କରିଛନ୍ତି। ଆଲୋଚନା ସମୟରେ ରାଷ୍ଟ୍ରପତି ଅମ୍ପନ ଦ୍ୱାରା ରାଜ୍ୟରେ ହୋଇଥିବା କ୍ଷୟକ୍ଷତି ସମ୍ପର୍କରେ ପଚାରି ବୁଝିଥିଲେ। ରାଜ୍ୟର ଏପରି ବିପତ୍ତି ସମୟରେ ସମଗ୍ରଦେଶ ଏକଜୁଟ ଅଛି ଏବଂ ଓଡ଼ିଶାକୁ ସବୁ ପ୍ରକାରର ସାହାଯ୍ୟ ଯୋଗାଇ ଦିଆଯିବ ବୋଲି ରାଷ୍ଟ୍ରପତି ଆଶ୍ୱାସନା ଦେଇଥିଲେ। ବାତ୍ୟା ଦ୍ୱାରା ହୋଇଥିବା କ୍ଷୟକ୍ଷତିର ଦୃଢ଼ ମୁକାବିଲା କରି ଓଡ଼ିଶା ସେଥିରୁ ମୁକୁଳିବ ବୋଲି ରାଷ୍ଟ୍ରପତି ଆଶାବ୍ୟକ୍ତ କରିଥିଲେ। ଏପଟେ ଅମ୍ପନ ଦ୍ୱାରା ପଶ୍ଚିମବଙ୍ଗରେ ହୋଇଥିବା ▶▶ ୭

ନିତିଦିନ NITIDIN Sat, May 23, 2020
http://odishanewsnitidin.com